# ଗ୍ରାମୀଣ କୃଷି ମୌସମ ସେବା
## ଭାରତ ପାଣିପାଗ ବିଭାଗ
## ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
## ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା - ୬୫ (ଓଡ଼ିଆ ବୁଲେଟିନ୍)    ସପ୍ତାହ - ୩୩    ତାରିଖ: ୧୪.୦୮.୨୦୨୫

## ଜିଲ୍ଲା – ଝାରସୁଗୁଡ଼ା

### ପର୍ଯ୍ୟବେକ୍ଷଣ କେନ୍ଦ୍ରରେ ୦୮.୦୮.୨୦୨୫ ରୁ ୧୪.୦୮.୨୦୨୫ ମଧ୍ୟରେ ରେକର୍ଡ କରାଯାଇଥିବା ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଏବଂ ଜିଲ୍ଲାର ହାରାହାରି ବର୍ଷାପାତ

| | ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | | | | | | | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | | | | | | | ବୃଷ୍ଟିପାତ (ମିଲି ମିଟର) | | | | | | |
|---|---|---|---|---|---|---|---|---|---|---|---|---|---|---|---|---|---|---|---|---|---|
| ତାରିଖ | ୦୮ | ୦୯ | ୧୦ | ୧୧ | ୧୨ | ୧୩ | ୧୪ | ୦୮ | ୦୯ | ୧୦ | ୧୧ | ୧୨ | ୧୩ | ୧୪ | ୦୮ | ୦୯ | ୧୦ | ୧୧ | ୧୨ | ୧୩ | ୧୪ |
| ଝାରସୁଗୁଡ଼ା | 33 | 30 | 34 | 35 | 35 | 37 | 33 | 24 | 25 | 25 | 24 | 27 | 25 | 25 | 12.8 | 1.7 | 0.0 | 0.0 | 0.0 | 13.0 | 10.8 |

### ଆସନ୍ତା ପାଞ୍ଚ ଦିନର ପାଣିପାଗ ପୂର୍ବାନୁମାନ

| ପାଣିପାଗ କାରକ | ୧୫-୦୮-୨୦୨୫ | ୧୬-୦୮-୨୦୨୫ | ୧୭-୦୮-୨୦୨୫ | ୧୮-୦୮-୨୦୨୫ | ୧୯-୦୮-୨୦୨୫ |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 8 | 10 | 6 | 7 | 5 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 31 | 33 | 33 | 34 | 34 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 24 | 24 | 24 | 25 | 25 |
| ମେଘ ଆବରଣ (ଓକଟା) | 5 | 6 | 5 | 5 | 5 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 91 | 92 | 91 | 90 | 94 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 66 | 66 | 63 | 63 | 69 |
| ପବନର ବେଗ (କିମି/ଘଣ୍ଟା ପ୍ରତି) | 9 | 7 | 6 | 8 | 11 |
| ପବନର ଦିଗ (ଡିଗ୍ରୀ) | 85 | 78 | 87 | 87 | 65 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ପାଣିପାଗ ସାରାଂଶ/ସତର୍କ ସୂଚନା :

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱରର ମଧ୍ୟମ ଅବଧି ପୂର୍ବାନୁମାନ ଅନୁଯାୟୀ, ଆଗାମୀ ସପ୍ତାହରେ ଜିଲ୍ଲାର କିଛିଟା ସ୍ଥାନରେ ଘଡ଼ଘଡ଼ି ସହ ହାଲୁକା ବର୍ଷା କିମ୍ବା ବଜ୍ରପାତ ହେବାର ସମ୍ଭାବନା ରହିଅଛି ଏବଂ ଏହି ସମୟ ଅବଧିରେ ଆକାଶ ଆଂଶିକ ରୁ ସାଧାରଣତଃ ମେଘାଚ୍ଛନ୍ନ ରହିପାରେ । ଆସନ୍ତା ସପ୍ତାହରେ ସର୍ବନିମ୍ନ ତାପମାତ୍ରାରେ କୌଣସି ବିଶେଷ ପରିବର୍ତ୍ତନର ସମ୍ଭାବନା ନାହିଁ କିନ୍ତୁ ସର୍ବାଧିକ (ଦିନର) ତାପମାତ୍ରାରେ ୨ ରୁ ୩ ଡିଗ୍ରୀ ସେ. ବୃଦ୍ଧି ଦେଖିବାକୁ ମିଳିପାରେ । ଆସନ୍ତା ୫ ଦିନ ମଧ୍ୟରେ ଆର୍ଦ୍ରତା ଅଧିକ ରହିବା ସହିତ ୬ ରୁ ୧୧ କି.ମି. ପ୍ରତି ଘଣ୍ଟା ବେଗରେ ଉତ୍ତର-ପୂର୍ବ ଦିଗରୁ ପବନ ବହିବାର ସମ୍ଭାବନା ବନିପାରେ ।

## ସାଧାରଣ ଉପଦେଶ

- ଆଗାମୀ ଦିନରେ ହାଲୁକା ବର୍ଷା ହେବାର ସମ୍ଭାବନାକୁ ଦୃଷ୍ଟିରେ ରଖି, ଚାଷୀଭାଇମାନେ ସକାଳ ସମୟରେ ଆକାଶ ସଫା ଥିବାବେଳେ ଉଚିତ ଯତ୍ନ ସହିତ ଔଷଧର ପ୍ରୟୋଗ ବା ସିଞ୍ଚନ, ଘାସ କଟା, କୋଡା ଖୋସା ଇତ୍ୟାଦି କୃଷି କାର୍ଯ୍ୟ କରିନେବା ଉଚିତ ।
- ପ୍ରଚଳିତ ପାଣିପାଗ ଯୋଗୁଁ କ୍ଷେତ ଏବଂ ଉଦ୍ୟାନ ଫସଲ ଉଭୟରେ ବିଭିନ୍ନ ରୋଗ ଏବଂ ଶୋଷକ କୀଟ ଆକ୍ରମଣ ପାଇଁ ଅନୁକୂଳ ସ୍ଥିତି ଦେଖିବାକୁ ମିଳିପାରେ, ତେଣୁ ଏହାପ୍ରତି ନିୟମିତ ନିରୀକ୍ଷଣ କରନ୍ତୁ ।
- ଆସନ୍ତା ସପ୍ତାହରେ ଝଡ଼ବର୍ଷା କିମ୍ବା ବିଜୁଳି ଘଡ଼ଘଡି ହେବାର ସମ୍ଭାବନା ଥିବାରୁ ଚାଷୀଭାଇମାନେ ନିଜ ପଶୁମାନଙ୍କୁ ଗୁହାଳରେ ସୁରକ୍ଷିତ ସ୍ଥାନରେ ରଖନ୍ତୁ

ଏବଂ ଯେକୌଣସି ବୈଦ୍ୟୁତିକ ଉପକରଣଠାରୁ ଦୂରରେ ରଖନ୍ତୁ ।

- ଚାଷୀଭାଇମାନେ ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ ଓ ସ୍ଥାନ ନିର୍ଦ୍ଦିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ ମୌସମ ଆପ ର ବ୍ୟବହାର କରିପାରିବେ ।

## ସଂକ୍ଷିପ୍ତ ଉପଦେଶ

- ପ୍ରଚଳିତ ପାଗ ଯୋଗୁଁ, କ୍ଷେତ ଏବଂ ଉଦ୍ୟାନ ଫସଲ ଉଭୟରେ ଦହିଆ ପୋକର ଆକ୍ରମଣ ଦେଖାଯାଇପାରେ, ତେଣୁ ଚାଷୀଭାଇମାନଙ୍କୁ ଏହି ପୋକ ବିରୁଦ୍ଧରେ ନିୟମିତ ଭାବରେ ସେମାନଙ୍କ କ୍ଷେତର ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଉଛି ।

## ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ବର୍ଷା ଦିନିଆ ଧାନ | ପିଲ ଦେବା ଅବସ୍ଥା | • ପ୍ରଚଳିତ ପାଗର ସ୍ଥିତିକୁ ଦୃଷ୍ଟିରେ ରଖି, ଆଗାମୀ ଦିନରେ ଧାନ କ୍ଷେତରେ କାଣ୍ଡବିନ୍ଧା ଓ ପତ୍ର ମୋଡା ପୋକର ଆକ୍ରମଣ ଉପରେ ନଜର ରଖିବାକୁ ଚାଷୀମାନଙ୍କୁ ପରାମର୍ଶ ଦିଆଯାଇଅଛି ।<br>• ଧାନ କ୍ଷେତରେ ଏହି ପୋକର ପ୍ରାଦୁର୍ଭାବ ନିରୀକ୍ଷଣ ପାଇଁ ପ୍ରତି ଏକର ଧାନ କ୍ଷେତରେ ୩ ଟି ଫେରୋମୋନ ଫାଶ/ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପୋକ/ଫାଶ/ଯନ୍ତା ଙ୍କ ସଂଖ୍ୟା ୪ କିମ୍ବା ୫ ପର୍ଯ୍ୟନ୍ତ ପହଞ୍ଚିଯିବ, ସେତେବେଳେ ଏକର ପିଛା ଆଜାଡିରାକ୍ଟିନ୍ ୦.୧୫% ଇ.ସି. @ ୮୦୦ ମିଲି କିମ୍ବା କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୦.୪% ଜି.ଆର. @ ୪ କିଲୋଗ୍ରାମକୁ ବାଲି ସହିତ ୧:୧ ଅନୁପାତରେ ମିଶ୍ରଣ କରନ୍ତୁ କିମ୍ବା ୬୦ ମିଲି କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୧୮.୫ % ଏସ୍.ସି. କିମ୍ବା ୧୦ କିଲୋଗ୍ରାମ କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. କିମ୍ବା ଫ୍ଲୁବେଣ୍ଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି. @ ୫୦ ଗ୍ରାମ କୁ ଏକର ପ୍ରତି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ମକା | ଅଂଗିୟ ଅବସ୍ଥା | • ପ୍ରଚଳିତ ପାଣିପାଗରେ କିଛି ମକା କ୍ଷେତରେ କାଣ୍ଡବିନ୍ଧା ଓ ଫଲ ଆର୍ମି ୱର୍ମ ପୋକର ଆକ୍ରମଣ ଦେଖାଗଲାଣି, ତେଣୁ ଚାଷୀମାନଙ୍କୁ ଏହି ପୋକକୁ ନିୟନ୍ତ୍ରଣ କରିବା ପାଇଁ ପ୍ରତି ଲିଟର ପାଣିରେ କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୧୮.୫ ଏସ୍.ସି. @ ୦.୪ ମିଲି କିମ୍ବା ଇମାମେକ୍ଟିନ୍ ବେଞ୍ଜୋଏଟ୍ ୫ % ଏସ୍.ଜି. @ ୦.୪ ଗ୍ରାମ ପ୍ରତି ଲିଟର ପାଣିରେ ଭଲ ଭାବରେ ମିଶାଇ ବର୍ଷା ଛାଡ଼ିଲା ପରେ ଯଦି ଦରକାର ପଡେ କ୍ଷେତରୁ ଅତିରିକ୍ତ ପାଣି ନିଷ୍କାସନ କରି ସିଞ୍ଚନ କାର୍ଯ୍ୟ କରିବାକୁ ପରାମର୍ଶ ଦିଆଯାଇଅଛି । |
| ଆମ୍ବ | ଅଂଗିୟ ଅବସ୍ଥା (ନୂଆଁ ବଗିଚା) | • ପ୍ରଚଳିତ ପାଗ ଯୋଗୁଁ, କିଛି ନୂତନ ଭାବରେ ଲଗାଯାଇଥିବା ଆମ୍ବ ଗଛରେ ପତ୍ର ଖାଉଥିବା ପୋକର ଆକ୍ରମଣ ଦେଖିବାକୁ ମିଳୁଛି, ତେଣୁ ଚାଷୀଭାଇମାନଙ୍କୁ ପାଗ ସଫା ଥିବା ସମୟରେ ପ୍ରତି ଲିଟର ପିଛା ୩ ମିଲି ଫିପ୍ରୋନିଲ୍ ୫ ଏସ୍.ସି. କିମ୍ବା ୨ ମିଲି କ୍ୱିନାଲଫସ୍ ୨୫ ଇସି କୁ ଶୁଷ୍କ ପାଗକୁ ଦେଖି ସିଞ୍ଚନ କରିବାକୁ ପରାମର୍ଶ ଦିଆଯାଇଅଛି । |
| | ପୁରୁଣା ବଗିଚା | • ପୁରୁଣା ବଗିଚାରେ ବୁଢିଆଣୀ ଜାଲ ସଫା କରିବା ଉଚିତ ଏବଂ ପ୍ରଭାବିତ ଅଂଶ କାଟି ପୋଡ଼ି ଦେବା ଉଚିତ ।<br>• ଆମ୍ବରେ ଲାଲ କଳଙ୍କି ଏବଂ ଆନ୍ଥ୍ରାକନୋଜ୍ ନିୟନ୍ତ୍ରଣ ପାଇଁ ୩ ଗ୍ରାମ କପର ଅକ୍ସିକ୍ଲୋରାଇଡ୍ କୁ ପ୍ରତି ଲିଟର ପାଣିରେ ମିଶାଇ ସଫା ପାଗକୁ ଦେଖି ସିଞ୍ଚନ କରନ୍ତୁ । |
| ବାଇଗଣ, ବିଲାତି ବାଇଗଣ | ଫଳ ଅବସ୍ଥା | • ଯଦି ଖେତରେ ଝାଉଁଳା ରୋଗର ସମସ୍ୟା ଦେଖାଯାଏ, ତେବେ ସଫା ପାଗକୁ ଦେଖି ପ୍ରତି ଲିଟର ପାଣିରେ ୨ ଗ୍ରାମ କାର୍ବେଣ୍ଡାଜିମ୍ କୁ ମିଶାଇ ପ୍ରୟୋଗ କରନ୍ତୁ ଏବଂ ପ୍ରଥମ ପ୍ରୟୋଗର ଗୋଟିଏ ସପ୍ତାହ ପରେ ୨ ମିଲି ହେକ୍ସାକୋନାଜୋଲ୍ କୁ ପ୍ରତି ଲିଟର ପାଣିରେ ମିଶାଇ ପୁଣି ଥରେ ପ୍ରୟୋଗ କରନ୍ତୁ ।<br>• ପୂର୍ବ ଦିନଗୁଡିକରେ ପାଣିପାଗର ଯେଉଁ ସ୍ଥିତି ରହିଥିଲା ତାହା ଟମାଟୋ ଏବଂ ବାଇଗଣ ଫସଲରେ ଯଥାକ୍ରମେ ଫଳ ବିନ୍ଧା ପୋକ ଏବଂ ଫଳ ଓ କାଣ୍ଡ ବିନ୍ଧା ପୋକ ଆକ୍ରମଣ ପାଇଁ ଅନୁକୂଳ ଥିଲା, ତେଣୁ ଆଗାମୀ ଦିନରେ ଏହାର ପ୍ରକୋପ ଦେଖିବାକୁ ମିଳିପାରେ ତେଣୁ ଏହାର ସଂକ୍ରମଣ ପ୍ରତି ନିୟମିତ ନିରୀକ୍ଷଣ କରନ୍ତୁ ।<br>• ଯଦି ଆକ୍ରମଣ ଦେଖାଯାଏ, ତେବେ ପ୍ରତି ଲିଟର ପାଣିରେ ଇମାମେକ୍ଟିନ୍ ବେଞ୍ଜୋଏଟ୍ ୫ % ଏସ୍.ଜି. @ ୦.୪ ଗ୍ରାମ କିମ୍ବା କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୧୮.୫ ଏସ୍.ସି. @ ୦.୩ ମିଲି କିମ୍ବା ଟେଟ୍ରାନିଲିପ୍ରୋଲ୍ @ ୦.୫ ମିଲିକୁ ବର୍ଷା ନ ହେବା ସ୍ଥିତିରେ ସଫା ପାଗକୁ ଦେଖି ଖେତରେ ସିଞ୍ଚନ କରନ୍ତୁ । |
| ଲଙ୍କା | ନର୍ସରୀ | • ପ୍ରଚଳିତ ପାଗ ଯୋଗୁଁ ଲଙ୍କା ଗଛରେ ବିଭିନ୍ନ ପ୍ରକାର ଶୋଷକ କୀଟ ଯେପରିକି ଜଉ ପୋକ, ଉକୁଣୀଆ ପୋକ |

| | | |
|---|---|---|
| | ପରିଚାଳନା/ ଅଂଗିୟ ଅବସ୍ଥା | ଇତ୍ୟାଦିର ସଂକ୍ରମଣ ଦେଖିବାକୁ ମିଳିପାରେ ତେଣୁ ଏହା ପ୍ରତି ନଜର ରଖିବାକୁ ପରାମର୍ଶ ଦିଆଯାଇଅଛି ।<br>• ଯଦି ପୋକର ପ୍ରାଦୁର୍ଭାବ ଦେଖାଗଲାଣି ତେବେ ଏହାର ନିୟନ୍ତ୍ରଣ ହେତୁ ପ୍ରତି ଲିଟର ପାଣିରେ ଇମିଡାକ୍ଲୋପ୍ରିଡ୍ ୧୭.୮ ଏସ୍.ଏଲ. @ ୦.୩ ମିଲି କିମ୍ବା ଫିପ୍ରୋନିଲ୍ ୫ ଏସ୍.ସି. @ ୩ ମିଲିକୁ ପାଗ ସଫା ଥିବା ସମୟରେ ସିଞ୍ଚନ କରନ୍ତୁ । |
| ଗୋରୁ ଗାଈ ଓ ମଇଷି | • **କ୍ଷୀର ଧୋଇବା ପର ସମୟର କିଛି ସତର୍କତା :** କ୍ଷୀର ଧୋଇ ସାରିଲା ପରେ ଗାଈ ଓ ମଇଷିମାନେ କ୍ଲାନ୍ତ ଅନୁଭବ କରନ୍ତି ତେଣୁ ସେମାନେ ତୁରନ୍ତ ବସିଯିବା ପାଇଁ ଚାହାନ୍ତି କିନ୍ତୁ ସେହି ସମୟରେ ଚିରଟି ଆଂଶିକ ଭାବରେ ଖୋଲା ଥାଏ ତେଣୁ ବାହାରର ରୋଗ ଜୀବାଣୁ ଅତି ସହଜରେ ଥନ ମଧ୍ୟକୁ ଚିର ଦେଇ ପ୍ରବେଶ କରିଥାନ୍ତି ଯାହାକି ଆଗକୁ ଥନହରା ରୋଗର ସମ୍ଭାବନାକୁ ବଢାଇଥାଏ ତେଣୁ ଚାଷୀଭାଇମାନେ ଏହା ପ୍ରତି ସତର୍କ ରହନ୍ତୁ ଏବଂ କ୍ଷୀର ଧୋଇ ସାରିଲା ପରେ ପଶୁମାନେ ଯେପରି ସଂଗେ ସଂଗେ ଚଟାଣରେ ନ ବସିବେ ତା'ର ଉଚିତ ପ୍ରବନ୍ଧ କରନ୍ତୁ । | |
| ଛେଳି | • ପି.ପି.ଆର୍ ଭାଇରସରୁ ରକ୍ଷା ପାଇବା ପାଇଁ ପଶୁମାନଙ୍କୁ ପି.ପି.ଆର୍ ଟିକା ଦେବାର ବ୍ୟବସ୍ଥା କରିବା ଉଚିତ ।<br>• ଦୁର୍ବଳ କିମ୍ବା ସଂକ୍ରମିତ ପଶୁମାନଙ୍କୁ ଟିକା ଦେବା ଉଚିତ୍ ନୁହେଁ ।<br>• ଚାଷୀମାନେ ଅତି କମରେ ୩ ସପ୍ତାହ ପାଇଁ ଟିକା ଦିଆଯାଇଥିବା ପଶୁମାନଙ୍କୁ ଅଧିକ ଚାପ (ଯଥା, ପରିବହନ, ଖରାପ ପାଗ) ଦେବାରୁ ଦୂରେଇ ରହିବା ଉଚିତ । | |


| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR cum Nodal Officer**<br>**RRTTS, Chiplima** |



• କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ହ୍ୱୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।